ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୪୩
ଅପରାହ୍ଣ-୪.୩୦ ଘଟିକା

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୨୫ ଅପ୍ରେଲ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ, ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ଦେଓରଞ୍ଜନ କୁମାର ସିଂ ଏବଂ ସୂଚନା ଓ ଲୋକସଂପର୍କ ବିଭାଗର କମିଶନର ତଥା ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ପବିତ୍ର ରମ୍‌ଜାନ ଉପଲକ୍ଷେ ରାଜ୍ୟର ସମସ୍ତ ମୁସଲ୍‌ମାନ ଭାଇ ଓ ଭଉଣୀମାନଙ୍କୁ ହାର୍ଦ୍ଦିକ ଶୁଭେଚ୍ଛା ଜଣାଇଛନ୍ତି । ଏକ ଶୁଭେଚ୍ଛା ବାର୍ତ୍ତାରେ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହି ପବିତ୍ର ରମଜାନ୍ ମାସ ଆମ ସମସ୍ତଙ୍କର ଭାବନା ଓ କାର୍ଯ୍ୟକୁ ବିଶୁଦ୍ଧ କରୁ ଏବଂ ସୁଖ, ସମୃଦ୍ଧି ଓ ଉତ୍ତମ ସ୍ୱାସ୍ଥ୍ୟ ନିମନ୍ତେ ଆଶୀର୍ବାଦ ପ୍ରଦାନ କରୁ । କୋଭିଡ୍-୧୯କୁ ପରାଜିତ କରିବା ପାଇଁ ଏହି ପବିତ୍ର ମାସ ଆମକୁ ଶକ୍ତି ଦେଉ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ବିଶ୍ୱ ମାଲେରିଆ ଦିବସ ଅବସରରେ କହିଛନ୍ତି ଯେ ମ୍ୟାଲେରିଆ ନିରାକରଣ ଦିଗରେ ଓଡ଼ିଶା ବିଶ୍ୱରେ ଏକ ଆଦର୍ଶ ରାଜ୍ୟ ଭାବରେ ନିଜକୁ ପ୍ରତିପାଦିତ କରିପାରିଛି । ମ୍ୟାଲେରିଆ ରୋଗର ଚିହ୍ନଟ, ଉନ୍ନତ ମାନର ଚିକିତ୍ସା ସୁବିଧା ଯୋଗୁଁ ଏହା ସମ୍ଭବ ହୋଇପାରିଛି । ମାନ୍ୟବର ମୁଖ୍ୟମନ୍ତ୍ରୀ ମ୍ୟାଲେରିଆ ରୋଗର ସଂପୂର୍ଣ୍ଣ ବିଲୋପ ନିମନ୍ତେ ଆମର ଚେଷ୍ଟାକୁ ଅଧିକ ଜୋରଦାର କରିବା ପାଇଁ ଶପଥ ନେବାକୁ ଆହ୍ୱାନ ଦେଇଛନ୍ତି ।

- ଜାତୀୟ ପଞ୍ଚାୟତିରାଜ ଦିବସରେ ଗଞ୍ଜାମ ଜିଲ୍ଲାର ଗଞ୍ଜାମ ବ୍ଲକ ଅନ୍ତର୍ଗତ କାଇଁଚପୁର ଗ୍ରାମପଞ୍ଚାୟତକୁ ଉନ୍ନୟନମୂଳକ ଯୋଜନା ନିମନ୍ତେ, ବେଲଗୁଣ୍ଠା ବ୍ଲକ୍‌ର ବଡବୋରସିଙ୍ଗି ପଞ୍ଚାୟତକୁ ଶିଶୁ ଅନୁକୂଳ କାର୍ଯ୍ୟକ୍ରମ ନିମନ୍ତେ ଓ ସାନଖେମୁଣ୍ଡି ବ୍ଲକ୍‌ର ପୋଡାମାରି ପଞ୍ଚାୟତକୁ ନାନାଜୀ ଦେଶମୁଖ ରାଷ୍ଟ୍ରୀୟ ଗୌରବ ଗ୍ରାମସଭା ପୁରସ୍କାର ମିଳିଥିବାରୁ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଏହି ୩ ପଞ୍ଚାୟତ ଏବଂ ଗଞ୍ଜାମ ଜିଲ୍ଲା ପ୍ରଶାସନକୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସମସ୍ତଙ୍କୁ ଅନ୍ତର୍ଭୁକ୍ତ କରିବା ଭଳି କାର୍ଯ୍ୟକ୍ରମ ପ୍ରଚଳନ, ଗ୍ରାମାଞ୍ଚଳ କଲ୍ୟାଣ ପାଇଁ ଯଥାର୍ଥ ପରିଚାଳନା ଓ ପଞ୍ଚାୟତିରାଜ ପ୍ରତିନିଧିଙ୍କ ସଶକ୍ତିକରଣ ମାଧ୍ୟମରେ ଗ୍ରାମାଞ୍ଚଳ ବିକାଶକୁ ପ୍ରାଧାନ୍ୟ ଦିଆଯାଇଥିବାରୁ ଏହା ସମ୍ଭବ ହୋଇଛି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ରୋଗ ନିରୀକ୍ଷଣ, ଚିକିତ୍ସା ପରିଚାଳନା, ଆଗୁଆ ପ୍ରସ୍ତୁତି ଏବଂ ସ୍ୱାସ୍ଥ୍ୟ ଭିତ୍ତିଭୂମିରେ ଓଡ଼ିଶାର ସଫଳତା ପାଇଁ ଭାରତ ସରକାର ରାଜ୍ୟକୁ ପ୍ରଶଂସା କରିଥିବାରୁ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ସନ୍ତୋଷ ବ୍ୟକ୍ତ କରିଛନ୍ତି ।

- ରାଜ୍ୟରେ ଅଣୁ, କ୍ଷୁଦ୍ର ଓ ମଧ୍ୟମ ତଥା ଅନ୍ୟାନ୍ୟ ଶିଳ୍ପାନୁଷ୍ଠାନଗୁଡ଼ିକରେ ସ୍ୱାଭାବିକ ସ୍ଥିତି ଫେରାଇ ଆଣିବା ଉଦ୍ଦେଶ୍ୟରେ କାର୍ଯ୍ୟପନ୍ଥା ନିର୍ଦ୍ଧାରଣ ନିମନ୍ତେ ଏକ ଆନ୍ତଃମନ୍ତ୍ରୀସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ବିଭିନ୍ନ ଉଦ୍ୟୋଗ ସଂଗଠନର ପ୍ରତିନିଧିବୃନ୍ଦ ଯୋଗଦେଇ ମତାମତ ରଖିଥିଲେ । ଓଡ଼ିଶାରେ କୋଭିଡ୍-୧୯ ସଂକ୍ରମଣ ପ୍ରତିରୋଧ ନିମନ୍ତେ ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଆଗୁଆ ପଦକ୍ଷେପଗୁଡ଼ିକୁ ପ୍ରତିନିଧିବୃନ୍ଦ ପ୍ରଶଂସା କରିଥିଲେ ।

- ଲକ୍ ଡାଉନ୍ ଅବଧି ମଧ୍ୟରେ ଦୋକାନ ବଜାର ଖୋଲିବା ପାଇଁ ରାଜ୍ୟ ସରକାର ଅନୁମତି ପ୍ରଦାନ କରିଛନ୍ତି । ଏ ସଂପର୍କରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ନିର୍ଦ୍ଦେଶାବଳୀ ଜାରି କରାଯାଇଛି । ଏସବୁ ଦୋକାନରେ ୫୦ ପ୍ରତିଶତ କର୍ମଚାରୀ କାର୍ଯ୍ୟ କରିବା, ମାସ୍କ ପିନ୍ଧିବା ଓ ସାମାଜିକ ଦୂରତ୍ୱ ରକ୍ଷା କରିବା ବାଧ୍ୟତାମୂଳକ ହେବ । କେଉଁ କେଉଁ ଦୋକାନ ଖୋଲିବ ଏ ବାବଦରେ ସଂପୃକ୍ତ ଜିଲ୍ଲାପାଳ/ମୁନିସିପାଲ୍ କମିଶନର/ପୌର କର୍ତ୍ତୃପକ୍ଷ ନିର୍ଦ୍ଦେଶନାମା ଜରି କରିବେ ।

- ଲକ୍ ଡାଉନ୍‌ରେ ବିଭିନ୍ନ ରାଜ୍ୟରେ ଅଟକି ରହିଯାଇଥିବା ଓଡ଼ିଆ ଶ୍ରମିକ ଏବଂ ଓଡ଼ିଶାର ଲୋକମାନଙ୍କୁ ଓଡ଼ିଶା ଫେରିବା ନିମନ୍ତେ ଅପ୍ରେଲ ୨୪ ତାରିଖରୁ ଓଡ଼ିଶା ସରକାରଙ୍କ covid19.odisha.gov.in ପୋର୍ଟାଲରେ ପଂଜୀକରଣ କାର୍ଯ୍ୟ ଆରମ୍ଭ ହୋଇଛି । ଓଡ଼ିଶା ଫେରିବାକୁ ଚାହୁଁଥିବା ଏହି ଲୋକମାନେ ନିଜେ, ସେମାନଙ୍କର ସଂପର୍କୀୟ କିମ୍ବା ସଂପୃକ୍ତ ଅଞ୍ଚଳର ନୋଡାଲ୍ ଅଧିକାରୀମାନେ ଏଥିରେ ପଂଜୀକରଣ କରିପାରିବେ ।

- ଲକ୍ ଡାଉନ୍ କାରଣରୁ ଓଡ଼ିଶାର ବିଭିନ୍ନ ସ୍ଥାନରେ ଅଟକି ରହିଥିବା ଶ୍ରମିକମାନେ ଇଚ୍ଛାକଲେ ଅନ୍ୟତ୍ର କାମ କରିବା ପାଇଁ ରାଜ୍ୟ ମଧ୍ୟରେ ଯାତାୟତ କରିପାରିବେ । ସଂପୃକ୍ତ ଜିଲ୍ଲାର ଜିଲ୍ଲାପାଳ ସେମାନଙ୍କ ଯାତାୟତ ନିମନ୍ତେ ପାସ୍‌ର ବ୍ୟବସ୍ଥା କରିବେ । ଏଥି ନିମନ୍ତେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ନିର୍ଦ୍ଦେଶନାମା ପ୍ରକାଶ ପାଇଛି ।

- ଓଡ଼ିଶାର ବିଭିନ୍ନ ସ୍ଥାନରେ ଅଟକି ରହିଥିବା ବାହାର ରାଜ୍ୟର ପ୍ରାୟ ୮୭,୦୦୦ ଅତିଥି ଶ୍ରମଜୀବୀଙ୍କୁ ୨୬୧୦ଟି ଶିବିର ଜରିଆରେ ଖାଇବା ଓ ରହିବା ସୁବିଧା ସହିତ ଆବଶ୍ୟକ ସ୍ୱାସ୍ଥ୍ୟସେବା ଯୋଗାଇ ଦିଆଯାଇଛି । ଏହିସବୁ ଅତିଥି ଶ୍ରମଜୀବୀମାନେ ଦେଶର ଅନ୍ୟାନ୍ୟ ରାଜ୍ୟରୁ ଆସି ଓଡ଼ିଶାର ବିଭିନ୍ନ ସ୍ଥାନରେ ରହିଛନ୍ତି । ଅଭିଯୋଗ ଗ୍ରହଣ ପାଇଁ ଶ୍ରମଜୀବୀ ସହାୟତା କଲ୍ ସେଣ୍ଟର ଟୋଲ୍ ଫ୍ରି ନଂ-୧୮୦୦୩୪୫୬୭୦୩ ଜାରି କରାଯାଇଛି ।

- ଆଜି ରାଜ୍ୟର ୫୪୯୦ ଗ୍ରାମ ପଞ୍ଚାୟତରେ ୩,୪୯,୨୯୭ ଜଣ ନିରାଶ୍ରୟ ଓ ଅସହାୟ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେହିପରି ୧୧୪ ଟି ପୌରାଞ୍ଚଳରେ ୪୨,୫୬୨ ଜଣଙ୍କୁ ରନ୍ଧାଖାଦ୍ୟ ଦିଆଯାଇଛି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଅପ୍ରେଲ ୨୪ରୁ ଅପ୍ରେଲ ୨୫ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୬୭ଟି ମାମଲା ଦାୟର କରାଯାଇଛି । ସେଥିରୁ ୫୬ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ, ୧ଟି ହୋମ୍ କ୍ୱାରାଣ୍ଟାଇନ୍ ଉଲ୍ଲଂଘନ ପାଇଁ ଏବଂ ୧୦ଟି ଅନ୍ୟାନ୍ୟ କାରଣ ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୧୨୮ ଜଣଙ୍କୁ ଗିରଫ କରାଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୨୦୫୯୯ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୯୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ଜଣେ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୦ ରହିଛି ।
- ୧୫୦ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ଅଛନ୍ତି ।

ତାପସ କୁମାର ସାହା
ପଠାଣି ରାଉତ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**